ପ୍ରେସ ନୋଟ

# ଅନୁଗୋଳରେ ଜିଲ୍ଲା ସ୍ତରୀୟ ଆନ୍ତର୍ଜାତୀୟ ମହିଳା ଦିବସ ପାଳିତ ।

ଅନୁଗୋଳ, ତା.୦୮.୦୩ଃ- ମହିଳାମାନଙ୍କୁ ସଶକ୍ତ କରିବା ଓ ସେମାନଙ୍କର ଅଧିକାର ସାବ୍ୟସ୍ତ ସମ୍ପର୍କରେ ସଚେତନ କରିବା ଉଦ୍ଦେଶ୍ୟରେ ଆନ୍ତର୍ଜାତୀୟ ମହିଳା ଦିବସ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷ ଠାରେ ଆଜି ପୂର୍ବାହ୍ନରେ ପାଳିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଏହାକୁ ଆନୁଷ୍ଠାନିକ ଭାବେ ଉଦଘାଟନ କରିବା ସହ ମହିଳାମାନେ ଆର୍ଥିକ ଓ ସାମାଜିକ ଦୃଷ୍ଟି କୋଣରୁ ସ୍ୱାବଲମ୍ବୀ ହୋଇ ଉଦ୍ଦିଷ୍ଟ ବିଭିନ୍ନ ଯୋଜନାର କାର୍ଯ୍ୟକାରିତା ସମ୍ପର୍କରେ ସଚେତନ ହେବାକୁ ପରାମର୍ଶ ଦେଇଥିଲେ । ମହିଳା ସ୍ୱୟଂ ସହାୟକ ଗୋଷ୍ଠୀମାନେ ନିଜେ ସ୍ୱାବଲମ୍ବୀ ହୋଇ ରାଜ୍ୟ ତଥା ଦେଶର ବିକାଶରେ ମୁଖ୍ୟ କର୍ଣ୍ଣଧାର ସାଜିଛନ୍ତି ବୋଲି ସେ ପ୍ରକାଶ କରିଥିଲେ । ସମ୍ମାନୀତ ଅତିଥି ଭାବେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା. ତ୍ରିଲୋଚନ ପ୍ରଧାନ , ଜିଲ୍ଲା ସମାଜ ମଙ୍ଗଳ ଅଧିକାରିଣୀ ଶ୍ରୀମତୀ ଆଲମା ବରୁଆ, ସ୍ଥାନୀୟ ଅଭିଯୋଗ କମିଟିର ଅଧ୍ୟକ୍ଷା ଡଃ. ଇନ୍ଦିରା ଦାଶ , ଜିଲ୍ଲା ଖଣିଜ ପାଣ୍ଠିର ସ୍ୱାସ୍ଥ୍ୟ ଓ ପୋଷଣ କାର୍ଯ୍ୟକ୍ରମ ଅଧିକାରୀ ଶ୍ରୀ କଲ୍ୟାଣ ଦାସ, ଜେଏସପିଏଲ(ସି ଏସ ଆର)ଜି ଏମ୍ ପୁଷ୍ପଲତା ଶତପଥି ପ୍ରମୁଖ ଯୋଗ ଦେଇ ମହିଳାମାନେ ଶିକ୍ଷିତ ହେଲେ ସେମାନଙ୍କ ପାଇଁ ଉଦ୍ଦିଷ୍ଟ ବିଭିନ୍ନ ଯୋଜନାର ସଫଳ କାର୍ଯ୍ୟକାରିତା ସମ୍ପର୍କରେ ଅବଗତ ହୋଇପାରିବେ ବୋଲି ପ୍ରକାଶ କରିଥିଲେ । ନିଜେ ଆର୍ଥିକ କ୍ଷେତ୍ରରେ ସ୍ୱଚ୍ଛଳ ହେବା ସହ ଗ୍ରାମର ବିକାଶରେ ଅନ୍ୟମାନଙ୍କୁ ସାମିଲ କରିବାକୁ ସେମାନେ ମତବ୍ୟକ୍ତ କରିଥିଲେ । ଏହି କାର୍ଯ୍ୟକ୍ରମରେ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଭୂମିକା ଗ୍ରହଣ କରିଥିବା ସି ଡି ପି ଓ, ସୁପରଭାଇଜର,ଅଙ୍ଗନୱାଡି କର୍ମୀ, ସଖୀ ଓ ସହେଲୀ, କିଶୋରୀ ବାଳିକା ଓ ୩ଟି ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । ଏହାଛଡା ଏହି କାର୍ଯ୍ୟକ୍ରମରେ ବିଭିନ୍ନ ମହାବିଦ୍ୟାଳୟର ଛାତ୍ରୀ,ଆଶା କର୍ମୀ,ଅଙ୍ଗନୱାଡି

କର୍ମୀ ଓ ସ୍ୱୟଂ ସହାୟକ ଗୋଷ୍ଠୀର ସଦସ୍ୟାମାନେ ଯୋଗ ଦେଇଥିଲେ । କାର୍ଯ୍ୟକ୍ରମକୁ ମିଶନ ଶକ୍ତିର ଜିଲ୍ଲା ସଂଯୋଜକ ଶ୍ରୀ ବସନ୍ତ କୁମାର ମଲ୍ଲିକ ସଂଯୋଜନା କରିଥିବା ବେଳେ ଆକ୍ସନ ଏଡ୍‌ର ଜିଲ୍ଲା ସଂଯୋଜକ ଶ୍ରୀ ସନ୍ତୋଷ କୁମାର ବେହେରା କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ । ଆଇ ସି ଡି ଏସ୍‌ର ପ୍ରୋଗ୍ରାମ ଅଫିସର ପୌର୍ଣ୍ଣମାସୀ ରଥ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ।

